# କେନ୍ଦୁଝର : ଭାରତ ରତ୍ନ ଡ଼ଃ ବି.ଆର୍.ଆମ୍ବେଦକର ଜୟନ୍ତୀ ପାଳିତ



କେନ୍ଦୁଝର, ତା୧୪.୦୪.    କେନ୍ଦୁଝର ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ ତା୧୪.୦୪.୨୦୨୧ରିଖ ବୁଧବାର ଦିନ ସମ୍ବିଧାନ ପ୍ରଣେତା ଭାରତରତ୍ନ ଡ଼ଃ ବି.ଆର୍.ଆମ୍ବେଦକରଙ୍କ ଜୟନ୍ତୀ କୋଭିଡ୍ ଗାଇଡ୍ ଲାଇନ୍ ଅନୁଯାୟୀ ପାଳିତ ହୋଇଯାଇଛି । ଏହି ଅବସରରେ ବୁଧବାର ସକାଳେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଜିଲ୍ଲାପାଳ ଆଶିଷ ଠାକରେ ଜିଲ୍ଲା କାର୍ଯ୍ୟାଳୟ ପରିସରରେ ଅବସ୍ଥାପିତ ଡଃ ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ଭକ୍ତିପୂତ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ । ଏତଦ୍ବ୍ୟତୀତ ସଂଲଗ୍ନରେ ଅବସ୍ଥାପିତ ଜାତିର ପିତା ମହାତ୍ମା ଗାନ୍ଧୀ ଏବଂ ଉତ୍କଳ ଗୌରବ ମଧୁବାବୁଙ୍କ ପ୍ରତିମୂର୍ତ୍ତିରେ ମଧ ମାଲ୍ୟାର୍ପଣ କରାଯାଇଥିଲା । ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ  ଡ଼ଃ ଉଦ୍ଧବ ଚନ୍ଦ୍ର ମାଝୀ, ଅତିରିକ୍ତ ଜିଲ୍ଲାପାଳ ସନ୍ତୋଷ କୁମାର ନାୟକ, ଜିଲ୍ଲା ସହରାଂଚଳ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ  ଘାସିରାମ ମୁର୍ମୁ, କେନ୍ଦୁଝର ଉପଜିଲ୍ଲାପାଳ ରାମଚନ୍ଦ୍ର କିସ୍କୁ, କେନ୍ଦୁଝରଗଡ଼ ପୌରପାଳିକାର ନିର୍ବାହୀ ଅଧିକାରୀ ଡ଼ଃ ମଧୁସ୍ମିତା ସାମନ୍ତରାୟ, ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ ସଂଜୀବ ବାରିକ ପ୍ରମୁଖ ମାଲ୍ୟାର୍ପଣ କାର୍ଯ୍ୟକ୍ରମରେ ସାମିଲ୍ ହୋଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ, କେନ୍ଦୁଝର